ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail: iprsec.or@nic.in

News ID-IPR/S&ME(OD)/1320/19-02-2021

## 'ମୋ ସ୍କୁଲ' ସହ ଯୋଡ଼ି ହେଲେ ୪ ଲକ୍ଷରୁ ଊର୍ଦ୍ଧ୍ୱ ପୁରାତନ ଛାତ୍ରଛାତ୍ରୀ

## ୨୬ ହଜାର ଛୁଇଁଲା ସ୍କୁଲ ସଂଖ୍ୟା

## ୩୩ କୋଟି ଟଙ୍କାର ପ୍ରକଳ୍ପକୁ ଅନୁମୋଦନ

ଭୁବନେଶ୍ୱର, ତା.୧୯/୦୨/୨୦୨୧

'ମୋ ସ୍କୁଲ ଅଭିଯାନ'ର ୨୨ତମ କାର୍ଯ୍ୟକାରୀ ପରିଷଦ ବୈଠକ ଆଜି ଅପରାହ୍ଣରେ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗର ପ୍ରମୁଖ ଶାସନ ସଚିବ ଶ୍ରୀ ସତ୍ୟବ୍ରତ ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ଓଡ଼ିଶାର ୨୮ଟି ଜିଲ୍ଲାର ମୋଟ ୩୩ କୋଟି ଟଙ୍କାର ପ୍ରକଳ୍ପକୁ ଅନୁମୋଦନ ମିଳିଛି । ଗତ ୧ ମାସ ମଧ୍ୟରେ ୬୧,୧୨୦ ପୁରାତନ ଛାତ୍ରଛାତ୍ରୀ 'ମୋ ସ୍କୁଲ ଅଭିଯାନ' ସହ ଯୋଡି ହୋଇଥିବାବେଳେ ସେମାନେ ନିଜ ନିଜ ବିଦ୍ୟାଳୟର ବିକାଶ ପାଇଁ ମୋଟ ୧୦.୮୦ କୋଟି ଟଙ୍କା ପ୍ରଦାନ କରିଛନ୍ତି । ବାଲେଶ୍ୱରରେ ୩.୪୯ କୋଟି, କେଉଁଝରରେ ୧.୯୫ କୋଟି, ମୟୂରଭଞ୍ଜରେ ୬୨ ଲକ୍ଷ, ଅନୁଗୋଳରେ ୩୬ ଲକ୍ଷ ଏବଂ ବରଗଡ଼ରେ ୩୫ ଲକ୍ଷ ଟଙ୍କା ପୁରାତନ ଛାତ୍ରଛାତ୍ରୀମାନେ ପ୍ରଦାନ କରିଛନ୍ତି ।

ବର୍ତ୍ତମାନ ସୁଦ୍ଧା ୪ ଲକ୍ଷ ୨୦ ହଜାର ପୁରାତନ ଛାତ୍ରଛାତ୍ରୀ 'ମୋ ସ୍କୁଲ ଅଭିଯାନ'ରେ ସାମିଲ ହୋଇଥିବାବେଳେ ରାଜ୍ୟରେ ସମସ୍ତ ଜିଲ୍ଲାର ୨୬ ହଜାର ସ୍କୁଲ 'ମୋ ସ୍କୁଲ ଅଭିଯାନ'ରେ ସାମିଲ ହୋଇଛି । କରୋନା ସତ୍ତ୍ୱେ ଚଳିତ ଆର୍ଥିକ ବର୍ଷ ଫେବୃଆରୀ ସୁଦ୍ଧା ପୁରାତନ ଛାତ୍ରଛାତ୍ରୀମାନେ ୪୦ କୋଟିରୁ ଊର୍ଦ୍ଧ୍ୱ ଟଙ୍କାର ଆର୍ଥିକ ସହାୟତା ପ୍ରଦାନ କରିଛନ୍ତି ।

ବୈଠକରେ 'ମୋ ସ୍କୁଲ ଅଭିଯାନ' ଅନ୍ତର୍ଗତ ବିଭିନ୍ନ ପ୍ରକଳ୍ପର ପବ୍ଲିକ୍ ଡିସ୍‌କ୍ଲୋଜର୍ ଏବଂ ସୋସିଆଲ୍ ଅଡିଟ୍ ଉପରେ ଗୁରୁତ୍ୱ ଦିଆଯାଇଥିଲା । ବିଦ୍ୟାଳୟ ସ୍ତରରେ କାର୍ଯ୍ୟକାରୀ ହେଉଥିବା ପ୍ରକଳ୍ପର ବ୍ୟୟବରାଦ ଏବଂ ପ୍ରକଳ୍ପର ସଂପୂର୍ଣ୍ଣ ବିବରଣୀ ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯିବ । ସ୍କୁଲର ମାଇକ୍ରୋ ୱେବ୍‌ସାଇଟ୍‌ରେ ଏନେଇ ସମସ୍ତ ତଥ୍ୟ ଉପଲବ୍ଧ କରାଯିବ । ପ୍ରକଳ୍ପ କାର୍ଯ୍ୟକାରିତାରେ ଅଧିକ ସ୍ୱଚ୍ଛତା ଆଣିବାକୁ ସ୍ୱତନ୍ତ୍ର ଅଡିଟରଙ୍କ ଦ୍ୱାରା ବିଦ୍ୟାଳୟ ସ୍ତରରେ ସମସ୍ତ ପ୍ରକଳ୍ପର ଅଡିଟ୍ କରାଯିବ । ସେହିଭଳି 'ମୋ ସ୍କୁଲ ଅଭିଯାନ' ଅନ୍ତର୍ଗତ ବିଦ୍ୟାଳୟଗୁଡ଼ିକ କିଣିଥିବା ସମସ୍ତ ଆସବାବପତ୍ରର ଏକ ସ୍ୱତନ୍ତ୍ର ରେଜିଷ୍ଟର ପ୍ରସ୍ତୁତ କରାଯିବ । 'ମୋ ସ୍କୁଲ' କାର୍ଯ୍ୟାଳୟ ପକ୍ଷରୁ ବିଦ୍ୟାଳୟଗୁଡ଼ିକୁ ମ୍ୟାଚିଂ ଗ୍ରାଣ୍ଟ ତଥା ସରକାରୀ ସହାୟତା ପ୍ରଦାନକୁ ପ୍ରାଥମିକତା ଦିଆଯାଇଥିବାବେଳେ ସ୍କୁଲଗୁଡ଼ିକୁ ଆର୍ଥିକ ସହାୟତା ପ୍ରଦାନ ପୂର୍ବରୁ ବ୍ୟାଙ୍କ ପାସ୍‌ବୁକ୍ ସହ ଆବଶ୍ୟକ ସମସ୍ତ କାଗଜପତ୍ର ଯାଞ୍ଚକୁ ଜୋରଦାର କରାଯାଇଛି । ବିଦ୍ୟାଳୟଗୁଡ଼ିକରେ କାର୍ଯ୍ୟକାରୀ ହେଉଥିବା ପ୍ରକଳ୍ପର ଷ୍ଟାଟସ୍ ରିପୋର୍ଟ ସହାୟତା ପ୍ରଦାନ କରିଥିବା ପୁରାତନ ଛାତ୍ରଛାତ୍ରୀଙ୍କ ନିକଟକୁ ହ୍ୱାଟସ୍‌ଆପ୍ ଯୋଗେ ପଠାଇବାର ବ୍ୟବସ୍ଥା କରାଯାଇଛି ।

'ମୋ ସ୍କୁଲ ଅଭିଯାନ' ଅନ୍ତର୍ଗତ ସ୍କୁଲ ଆଡପ୍‌ସନ୍ ବା ପୋଷ୍ୟ ବିଦ୍ୟାଳୟ କାର୍ଯ୍ୟକ୍ରମ ପ୍ରତି ପୁରାତନ ଛାତ୍ରଛାତ୍ରୀ ଏବଂ ବିଶିଷ୍ଟ ବ୍ୟକ୍ତିବିଶେଷଙ୍କ ଅହେତୁକ ଆଗ୍ରହ ପ୍ରକାଶ ପାଇଛି । ବିଭିନ୍ନ ବର୍ଗର ଲୋକ ଏହି କାର୍ଯ୍ୟକ୍ରମ ସହ ଯୋଡ଼ି ହୋଇଥିବାବେଳେ 'ମୋ ସ୍କୁଲ' ପକ୍ଷରୁ ପର୍ଯ୍ୟାୟକ୍ରମେ ପୋଷ୍ୟ ବିଦ୍ୟାଳୟର ପ୍ରଧାନଶିକ୍ଷକମାନଙ୍କୁ ନେଇ ଭର୍ଚୁଆଲ୍ ବୈଠକର ଆୟୋଜନ କରାଯାଇଛି । ଆସନ୍ତା ମାର୍ଚ୍ଚରେ ଜିଲ୍ଲାସ୍ତରୀୟ ବୈଠକ କରାଯିବାକୁ ନିଷ୍ପତ୍ତି ହୋଇଛି । 'ମୋ ସ୍କୁଲ' କାର୍ଯ୍ୟାଳୟ ପକ୍ଷରୁ ମେୟରମାନଙ୍କୁ ସେମାନେ ପୋଷ୍ୟ ନେଇଥିବା ବିଦ୍ୟାଳୟର ପ୍ରୋଫାଇଲ୍ ସହ ପୋଷ୍ୟ ବିଦ୍ୟାଳୟ କାର୍ଯ୍ୟକ୍ରମର ସମସ୍ତ ସୂଚନା ଏବଂ ତଥ୍ୟ ପ୍ରଦାନ କରାଯାଇଛି । ଇତି ମଧ୍ୟରେ ଅଧିକାଂଶ ମେୟର ପୋଷ୍ୟଗ୍ରହଣ କରିଥିବା ବିଦ୍ୟାଳୟକୁ ଗସ୍ତ କରି ବିଦ୍ୟାଳୟର ସ୍ଥିତାବସ୍ଥା ବୁଲିଦେଖିବା ସହ ପ୍ରଧାନଶିକ୍ଷକ ଏବଂ ସ୍କୁଲ ପରିଚାଳନା କର୍ତ୍ତୃପକ୍ଷଙ୍କ ସହ ଆଲୋଚନା କରିଛନ୍ତି ।

'ମୋ ସ୍କୁଲ ଅଭିଯାନ' ଅଧୀନରେ ବର୍ତ୍ତମାନ ପର୍ଯ୍ୟନ୍ତ ୯୭୯୭ଟି ପ୍ରକଳ୍ପ ସଂପୂର୍ଣ୍ଣ ହୋଇସାରିଥିବାବେଳେ ୨୩୮୦ଟି ପ୍ରକଳ୍ପ କାର୍ଯ୍ୟ ଖୁବ୍‌ଶୀଘ୍ର ଆରମ୍ଭ ହେବାକୁ ଯାଉଛି । ଏହି ବୈଠକରେ ରାଜ୍ୟ ପ୍ରକଳ୍ପ ନିର୍ଦ୍ଦେଶକ, ଓଏସ୍‌ଇପିଏ, ନିର୍ଦ୍ଦେଶକ, ମାଧ୍ୟମିକ ଶିକ୍ଷା, ନିର୍ଦ୍ଦେଶକ, ପ୍ରାଥମିକ ଶିକ୍ଷା, ନିର୍ଦ୍ଦେଶକ, ଟିଇ, ଏସ୍‌ସିଇଆର୍‌ଟି, ବିଭାଗୀୟ ଅତିରିକ୍ତ ଶାସନ ସଚିବ, ମୁଖ୍ୟ କାର୍ଯ୍ୟକାରୀ ଅଧିକାରୀ ଏବଂ ଭାରପ୍ରାପ୍ତ ଅଧିକାରୀ, 'ମୋ ସ୍କୁଲ' ଉପସ୍ଥିତ ଥିଲେ ।

ସଚ୍ଚିଦାନନ୍ଦ ବେହେରା
ସୂଚନା ଅଧିକାରୀ